# REGIONAL NEWS UNIT, AIR CUTTACK

## Evening Bulletin (6.45 PM)

**21 February – 2025**

## News Editor – Itishree Singh Rathaur

*************************************

## ମୁଖ୍ୟ ସମ୍ବାଦ

- ଓଡ଼ିଶାକୁ ବିକଶିତ ଭାରତର ଗ୍ରୋଥ ଇଞ୍ଜିନ୍ ଭାବେ ଗଢ଼ି ତୋଳିବା ପାଇଁ ସରକାର କାର୍ଯ୍ୟ କରୁଛନ୍ତି; ବିଧାନସଭାରେ କହିଲେ ମୁଖ୍ୟମନ୍ତ୍ରୀ
- ଅର୍ନ୍ତଜାତୀୟ ଛାତ୍ରଛାତ୍ରୀଙ୍କ ସୁରକ୍ଷା ଦେଶର ପ୍ରାଥମିକତା କହିଲେ; ବୈଦେଶିକ ବ୍ୟାପାର ମନ୍ତ୍ରଣାଳୟ ମୁଖ୍ୟପାତ୍ର

— ଭୁବନେଶ୍ୱରରେ ଏକ ଘରୋଇ ବିଶ୍ୱବିଦ୍ୟାଳୟରେ ଛାତ୍ରୀମୃତ୍ୟୁ ଘଟଣାରେ ଦୁଃଖ ପ୍ରକାଶ

- ରାଜ୍ୟରେ ଆରମ୍ଭ ହେଲା ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ମାଟ୍ରିକ୍ ପରୀକ୍ଷା

ଏବଂ

- ଭୁବନେଶ୍ୱରରେ ଆସନ୍ତାକାଲିଠାରୁ ଆରମ୍ଭ ହେବ 'ସୁଭଦ୍ରା ଶକ୍ତି ମେଳା'

## ମୁଖ୍ୟମନ୍ତ୍ରୀ

ଓଡ଼ିଶା ବିକଶିତ ଭାରତର ଗ୍ରୋଥ୍ ଇଞ୍ଜିନ୍ ହେବ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି। ବିଧାନସଭାରେ ୨୦୨୫-୨୬ ଆର୍ଥିକବର୍ଷ ବଜେଟ୍ ଉପରେ ଆଗତ ଆଲୋଚନାରେ ଉତ୍ତର ରଖି ମୁଖ୍ୟମନ୍ତ୍ରୀ କହିଛନ୍ତି, ୨୦୩୬ ମସିହା ସୁଦ୍ଧା ସମୃଦ୍ଧ ଓଡ଼ିଶା ଗଠନ ଲକ୍ଷ୍ୟ ରଖାଯାଇଛି। ଏହି କ୍ରମରେ ସବୁ ବର୍ଗର ବିକାଶ ପାଇଁ ସରକାର ପଦକ୍ଷେପ ନେଉଛନ୍ତି। ଶିକ୍ଷା, ସ୍ୱାସ୍ଥ୍ୟ, କୃଷକଙ୍କ ଉନ୍ନତି, ମହିଳା ସଶକ୍ତୀକରଣ, ଭିତ୍ତିଭୂମି ନିର୍ମାଣ ଆଦି ଉପରେ ଗୁରୁତ୍ୱ ଦିଆଯାଉଛି। ମୁଖ୍ୟମନ୍ତ୍ରୀ କହିଛନ୍ତି, ବଜେଟ୍‌ରେ କୃଷି ଓ ଆନୁଷଙ୍ଗିକ କ୍ଷେତ୍ରର ବିକାଶ ପାଇଁ ୩୭ ହଜାର ୮୬୮ କୋଟି ଟଙ୍କାର ବ୍ୟୟବରାଦ ହୋଇଛି। ଏହାସହ ପ୍ରତି ସବ୍‌ଡିଭିଜନରେ ଶୀତଳ ଭଣ୍ଡାର ପ୍ରତିଷ୍ଠା ଲକ୍ଷ୍ୟ ରଖାଯାଇଛି।

## ବିଧାନସଭା-ନେପାଳୀ ଛାତ୍ରୀମୃତ୍ୟୁ

ଭୁବନେଶ୍ୱରର ଏକ ଘରୋଇ ବିଶ୍ୱବିଦ୍ୟାଳୟରେ ନେପାଳୀ ଛାତ୍ରୀମୃତ୍ୟୁ ଘଟଣାରେ ଆଜି ବୈଦେଶିକ ବ୍ୟାପାର ମନ୍ତ୍ରଣାଳୟର ମୁଖପାତ୍ର ରଣଧୀର ଜେସ୍‌ୱାଲ୍ କହିଛନ୍ତି, ଅନ୍ତର୍ଜାତୀୟ ଛାତ୍ରଛାତ୍ରୀଙ୍କ ସୁରକ୍ଷାକୁ ସରକାର ସବୁବେଳେ ପ୍ରାଥମିକତା ଦେଇଆସୁଛନ୍ତି। ଏହି ଘଟଣାରେ ଓଡ଼ିଶା ସରକାର, ନେପାଳ ସରକାର ଓ ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷଙ୍କ ସହ ମନ୍ତ୍ରଣାଳୟ ଯୋଗାଯୋଗରେ ଅଛି। ଘଟଣାରେ ମନ୍ତ୍ରଣାଳୟ ପକ୍ଷରୁ ଦୁଃଖ ପ୍ରକାଶ କରାଯାଇଛି।

ଅନ୍ୟପକ୍ଷରେ, ଘଟଣାର ତଦନ୍ତ କରୁଥିବା ଉଚ୍ଚସ୍ତରୀୟ କମିଟିଙ୍କ ନିକଟରେ ଆଜି ବିଶ୍ୱବିଦ୍ୟାଳୟର ପ୍ରତିଷ୍ଠାତା ହାଜିର ହୋଇଛନ୍ତି। କମିଟି ବିଶ୍ୱବିଦ୍ୟାଳୟର କର୍ମଚାରୀଙ୍କର ମଧ୍ୟ ବୟାନ ରେକର୍ଡ କରିଛନ୍ତି। ରାଜ୍ୟ ଅତିଥି ଭବନରେ କମିଟି ସମ୍ମୁଖରେ ବିଶ୍ୱବିଦ୍ୟାଳୟର କୁଳପତି ଏବଂ କୁଳସଚିବ ହାଜିର ହୋଇଥିଲେ। ଏହାସହ ୪ ଜଣ ନିଲମ୍ବିତ କର୍ମଚାରୀଙ୍କର ମଧ୍ୟ ବୟାନ ରେକର୍ଡ ହୋଇଛି।

ବିଧାନସଭାରେ ଆଜି ଉଚ୍ଚଶିକ୍ଷାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଏ ସମ୍ପର୍କିତ ମୁଲତବୀ ପ୍ରସ୍ତାବ ଉପରେ ବିବୃତି ରଖି କହିଛନ୍ତି, ଉଚ୍ଚସ୍ତରୀୟ କମିଟିର ଶୁଣାଣୀରେ  ହାଜର ହେବା ପାଇଁ ବିଶ୍ୱବିଦ୍ୟାଳୟର ୮ ଜଣ ବରିଷ୍ଠ କର୍ତ୍ତୃପକ୍ଷଙ୍କୁ ନୋଟିସ୍ ଜାରି କରାଯାଇଛି।

ରାଜ୍ୟ ସରକାର ନେପାଳର ଛାତ୍ରଛାତ୍ରୀମାନଙ୍କ ଭବିଷ୍ୟତକୁ ଦୃଷ୍ଟିରେ ରଖି ରିମେଡିଆଲ୍ କ୍ଲାସ୍ କରିବା ତଥା ଆବଶ୍ୟକସ୍ଥଳେ ମିଡ୍ ସେମିଷ୍ଟାର ପରୀକ୍ଷାକୁ ଘୁଞ୍ଚାଇବାର ବ୍ୟବସ୍ଥା କରୁଛନ୍ତି। ଏହାସହ ଏଥିପାଇଁ ଛାତ୍ରଛାତ୍ରୀମାନଙ୍କର ସମସ୍ତ ଖର୍ଚ୍ଚ ସରକାର ବହନ କରିବେ ବୋଲି ନିଷ୍ପତ୍ତି ହୋଇଛି। ବିବୃତ୍ତି ପରେ ଗଣମାଧ୍ୟମକୁ ଉଚ୍ଚଶିକ୍ଷାମନ୍ତ୍ରୀ କହିଛନ୍ତି.....

**- V/O -**

## ପିଏମ୍-ଆବାସ

ରାଜ୍ୟର ଗ୍ରାମାଞ୍ଚଳରେ ରହୁଥିବା ତଥା ପକ୍କା ଘର ନଥିବା ଯୋଗ୍ୟ ହିତାଧିକାରୀଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ ଖୁବ୍ ଶୀଘ୍ର ଆବେଦନ ପାଇଁ ପଞ୍ଚାୟତିରାଜ ଓ ପାନୀୟ ଜଳଯୋଗାଣ ମନ୍ତ୍ରୀ ରବି ନାରାୟଣ ନାୟକ

ପରାମର୍ଶ ଦେଇଛନ୍ତି। ମନ୍ତ୍ରୀ ଶ୍ରୀ ନାୟକ କହିଛନ୍ତି, ଆବାସ ଯୋଜନାରେ ପଞ୍ଜୀକରଣ ଜାନୁୟାରୀ ମାସ ୨୪ ତାରିଖରୁ ଆରମ୍ଭ ହୋଇଥିବାବେଳେ ଏହା ଆସନ୍ତାମାସ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ। ଏହି ଯୋଜନାରେ ଆଜି ସୁଦ୍ଧା ୧୨ ଲକ୍ଷ ୫୦ ହଜାର ଆବେଦନକାରୀ ପଞ୍ଜୀକୃତ ହୋଇଥିବା ସୂଚନା ମିଳିଛି। ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ ଓ ଅଧିକ୍ଷଣ ଯନ୍ତ୍ରୀଙ୍କ ନିକଟରେ ଏହି ପଞ୍ଜୀକରଣ କରାଇ ପାରିବେ। ସରକାର ଯୋଗ୍ୟ ହିତାଧିକାରୀଙ୍କୁ ପକ୍କା ଘର ଯୋଗାଇବାକୁ ପ୍ରତିଶ୍ରୁତିବଦ୍ଧ। ଏହି ଆବେଦନ ପ୍ରକ୍ରିୟା ସରିବା ପରେ ତାଲିକା ପ୍ରସ୍ତୁତ କରାଯାଇ ଯୋଗ୍ୟ ହିତାଧିକାରୀଙ୍କୁ ପକ୍କା ଘର ଯୋଗାଇ ଦିଆଯିବ ବୋଲି ମନ୍ତ୍ରୀ ଶ୍ରୀ ନାୟକ କହିଛନ୍ତି...

# - V/O –

## ବିଧାନସଭା-ବାଲିଯାତ୍ରା ଷ୍ଟଲ

କଟକରେ ଗତ ନଭେମ୍ବର ମାସରେ ଅନୁଷ୍ଠିତ ହୋଇଥିବା ବାଲିଯାତ୍ରାରେ ମୋଟ୍ ୨ ହଜାର ୪୩୮ଟି ଷ୍ଟଲ୍ ଖୋଲିଥିବା ବିଧାନସଭାରେ ସଂସ୍କୃତିମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ କହିଛନ୍ତି। ଏକ ପ୍ରଶ୍ନର ଉତ୍ତରରେ ମନ୍ତ୍ରୀ କହିଛନ୍ତି, ନିଲାମ ଆଧାରରେ ୧ ହଜାର ୧୮୮ ଏବଂ ସ୍ଥିରୀକୃତ ଦରରେ ୧ ହଜାର ୨୫୦ଟି ଷ୍ଟଲ୍ ଖୋଲିଥିଲା। ଏଥିପାଇଁ ୬ କୋଟି ୩୮ ଲକ୍ଷ ୨୬ ହଜାର ଟଙ୍କା ଆଦାୟ ହୋଇଥିବା ଶ୍ରୀ ସୂରଜ କହିଛନ୍ତି।

**ସାବିତ୍ରୀ ଠାକୁର**

କେନ୍ଦ୍ର ମହିଳା ଓ ଶିଶୁ ବିକାଶ ରାଷ୍ଟ୍ରମନ୍ତ୍ରୀ ସାବିତ୍ରୀ ଠାକୁର ଦୁଇଦିନିଆ **ସମ୍ବଲପୁର** ଜିଲ୍ଲା ଗସ୍ତରେ ଆସିଛନ୍ତି। ଜିଲ୍ଲାରେ ମହିଳା ଓ ଶିଶୁ ବିକାଶ ବିଭାଗ ପକ୍ଷରୁ ପ୍ରଚଳିତ ବିଭିନ୍ନ ଯୋଜନାର କାର୍ଯ୍ୟକାରିତା ସମ୍ପର୍କରେ କେନ୍ଦ୍ରମନ୍ତ୍ରୀ ସମୀକ୍ଷା କରିଛନ୍ତି। ଜିଲ୍ଲା ସଦର ହସ୍‌ପିଟାଲରେ ଥିବା ମାତୃ ଏବଂ ଶିଶୁ ସ୍ୱାସ୍ଥ୍ୟ ବିଭାଗ-ଏମ୍‌ସିଏଚ୍ ପରିଦର୍ଶନ କରି ପ୍ରସୂତିଙ୍କ ସ୍ୱାସ୍ଥ୍ୟାବସ୍ଥା ସମ୍ପର୍କରେ ମନ୍ତ୍ରୀ ପଚାରି ବୁଝିଛନ୍ତି। କେନ୍ଦ୍ର ସରକାରଙ୍କ ତରଫରୁ କୁ-ପୋଷଣ ଦୂର କରିବା ପାଇଁ ବିଭିନ୍ନ ଯୋଜନା ଉପରେ ଗୁରୁତ୍ୱାରୋପ କରିଛନ୍ତି।

ଜିଲ୍ଲାର ରାମଡେଗାରେ ଥିବା ଅଙ୍ଗନୱାଡି କେନ୍ଦ୍ର ପରିଦର୍ଶନ କରି ସରକାରଙ୍କ ବିଭିନ୍ନ ଯୋଜନା ସମ୍ପର୍କରେ ଶ୍ରୀମତୀ ଠାକୁର ଆଲୋଚନା କରିଛନ୍ତି। ଜିଲ୍ଲାର କତରବଗା ଗାଁର ଲକ୍ଷପତି ଦିଦି କ୍ଷେତରାଣୀ ପ୍ରଧାନଙ୍କୁ ମନ୍ତ୍ରୀ ଶ୍ରୀମତୀ ଠାକୁର ଭେଟିଥିବା ଆମ ସମ୍ବାଦଦାତା ସୂଚନା ଦେଇଛନ୍ତି।

## ମାଟ୍ରିକ୍ ପରୀକ୍ଷା

ଓଡ଼ିଶା ମାଧ୍ୟମିକ ଶିକ୍ଷା ପରିଷଦ ଦ୍ୱାରା ପରିଚାଳିତ ମାଟ୍ରିକ୍ ପରୀକ୍ଷା ରାଜ୍ୟରେ ଆଜିଠାରୁ ଆରମ୍ଭ ହୋଇଛି। ପ୍ରଥମ ଦିନରେ ଆଜି ଛାତ୍ରଛାତ୍ରୀମାନେ ମାତୃଭାଷା ବିଷୟରେ ପରୀକ୍ଷା ଦେଇଛନ୍ତି।

ଚଳିତବର୍ଷ ୩ ହଜାର ୨୯ଟି ପରୀକ୍ଷା କେନ୍ଦ୍ରରେ ୫ ଲକ୍ଷ ୧୦ହଜାର ୭୭୮ ଜଣ ପରୀକ୍ଷାର୍ଥୀ ପରୀକ୍ଷା ଦେଉଛନ୍ତି । କପି ରୋକିବା ପାଇଁ ୪ ସ୍ତରୀୟ ସ୍କ୍ୱାଡ୍ ଗଠନ କରାଯାଇଛି। ଜିଲ୍ଲା ଶିକ୍ଷାଅଧିକାରୀଙ୍କ ପକ୍ଷରୁ ୭୦ଟି ଫ୍ଲାଇଙ୍ଗ୍ ସ୍କ୍ୱାଡ୍ ଏବଂ ବୋର୍ଡ୍ ପକ୍ଷରୁ ୪୨ଟି ସ୍ୱତନ୍ତ୍ର ସ୍କ୍ୱାଡ୍ ଗଠନ କରାଯାଇଥିବା ନେଇ ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ସୂତ୍ରରୁ ଜଣାପଡିଛି।

ମାଟ୍ରିକ୍ ପରୀକ୍ଷା ସହ ରାଜ୍ୟ ମୁକ୍ତ ବିଦ୍ୟାଳୟ ଓ ସଂସ୍କୃତ ମଧ୍ୟମା ପରୀକ୍ଷା ମଧ୍ୟ ଆଜିଠାରୁ ଆରମ୍ଭ ହୋଇ ମାର୍ଚ୍ଚ ୬ ତାରିଖ ପର୍ଯ୍ୟନ୍ତ ଚାଲିବ।

**ନୂଆପଡା** ଜିଲ୍ଲାରେ ୬ ହଜାର ୫୬୧ ଜଣ ପରୀକ୍ଷାର୍ଥୀ ୫୨ଟି ପରୀକ୍ଷା କେନ୍ଦ୍ରରେ ମାଟ୍ରିକ୍ ପରୀକ୍ଷା ଦେଉଛନ୍ତି। ପ୍ରତ୍ୟେକ ପରୀକ୍ଷା କେନ୍ଦ୍ରରେ ସିସିଟିଭି କ୍ୟାମେରା ଲାଗିଥିବାବେଳେ ପରୀକ୍ଷା କେନ୍ଦ୍ରକୁ କପିମୁକ୍ତ କରିବା ପାଇଁ ବ୍ୟାପକ ବ୍ୟବସ୍ଥା କରାଯାଇଛି।

**ନୟାଗଡ଼** ଜିଲ୍ଲାରେ ମୋଟ ୭୫ଟି ପରୀକ୍ଷା କେନ୍ଦ୍ରରେ ୧୧ ହଜାର ୪୯୦ ଜଣ ପରୀକ୍ଷାର୍ଥୀ ମାଟ୍ରିକ୍ ପରୀକ୍ଷା ଦେଇଥିବା ଆମ ସମ୍ବାଦଦାତା ଜଣାଇଛନ୍ତି।

## ସୁଭଦ୍ରା ଶକ୍ତି ମେଳା

ମହିଳାମାନଙ୍କୁ ସଶକ୍ତ କରିବା ଉଦ୍ଦେଶ୍ୟରେ ରାଜ୍ୟ ସରକାରଙ୍କ ପକ୍ଷରୁ ଆସନ୍ତାକାଲିଠାରୁ 'ସୁଭଦ୍ରା ଶକ୍ତି ମେଳା' ଆରମ୍ଭ ହେବ। ରାଜ୍ୟସ୍ତରୀୟ ସୁଭଦ୍ରା ଶକ୍ତିମେଳା ଭୁବନେଶ୍ୱରର ଜନତା ମଇଦାନରେ ଚାଲିବ। ଆସନ୍ତାମାସ ୨ ତାରିଖ ପର୍ଯ୍ୟନ୍ତ ଚାଲିବାକୁ ଥିବା ଏହି ମେଳାରେ ରାଜ୍ୟର ବିଭିନ୍ନ ଅଂଚଳର ୭୦୦ରୁ ଅଧିକ ସ୍ୱୟଂ ସହାୟିକା ମହିଳା ଗୋଷ୍ଠୀ ଏବଂ ଉତ୍ପାଦକ ଗୋଷ୍ଠୀମାନଙ୍କ ଦ୍ୱାରା ପ୍ରଦତ୍ତ ସାମଗ୍ରୀର ପ୍ରଦର୍ଶନୀ ଓ ବିକ୍ରି ହେବ ବୋଲି ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡା କହିଛନ୍ତି। ରାଜ୍ୟସ୍ତରୀୟ ମେଳାରେ ୩୦୦ରୁ ଅଧିକ ଷ୍ଟଲ୍ ଖୋଲିବ। ସୁଭଦ୍ରା ମେଳା ମହିଳାମାନଙ୍କ ସୃଜନଶୀଳତା, ଦକ୍ଷତା ଏବଂ ଉଦ୍ୟୋଗତା ଦେଖିବାର ଏକ ଅନନ୍ୟ ସୁଯୋଗ ପ୍ରଦାନ କରିବ ବୋଲି ଶ୍ରୀମତୀ ପରିଡା କହିଛନ୍ତି।

## ମନ୍ କୀ ବାତ୍

ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୨୩ ତାରିଖ ରବିବାର ପୂର୍ବାହ୍ନ ୧୧ଟା ସମୟରେ ଆକାଶବାଣୀର ମନ୍ କି ବାତ୍ କାର୍ଯ୍ୟକ୍ରମରେ ଦେଶବାସୀଙ୍କ ସହ ଭାବ ବିନିମୟ କରିବେ। ଏହା ପ୍ରଧାନମନ୍ତ୍ରୀଙ୍କ ମନ୍ କୀ ବାତ୍ କାର୍ଯ୍ୟକ୍ରମର ୧୧୯ତମ ସଂସ୍କରଣ ହେବ। ମନ୍ କି ବାତ୍ କାର୍ଯ୍ୟକ୍ରମ ଆକାଶବାଣୀ ଓ ଦୂରଦର୍ଶନର ସମସ୍ତ କେନ୍ଦ୍ର, ଆକାଶବାଣୀ ସମ୍ବାଦ ୱେବ୍‌ସାଇଟ୍ ଓ ନ୍ୟୁଜ୍ ଅନ୍ ଏ.ଆଇ.ଆର୍. ମୋବାଇଲ୍ ଆପ୍‌ରେ ଉପଲବ୍ଧ ହେବ।

ଆକାଶବାଣୀ ସମ୍ବାଦ, ଡି.ଡି. ନ୍ୟୁଜ୍, ପି.ଏମ୍.ଓ. ଏବଂ ସୂଚନା ଓ ପ୍ରସାରଣ ମନ୍ତ୍ରଣାଳୟ ୟୁଟ୍ୟୁବ୍ ଚ୍ୟାନେଲ୍‌ରେ ମନ୍ କୀ ବାତ୍ କାର୍ଯ୍ୟକ୍ରମର ଲାଇଭ୍ ଷ୍ଟ୍ରିମିଙ୍ଗ୍ ହେବ। ପ୍ରଧାନମନ୍ତ୍ରୀଙ୍କର ସମ୍ବୋଧନ ପରେ ଆଞ୍ଚଳିକ ଭାଷାରେ ମନ୍ କୀ ବାତ୍ ପ୍ରସାରଣ କରାଯିବ। ଆଞ୍ଚଳିକ ଭାଷାରେ ଏହାର ଭାଷାନ୍ତର ପୁଣିଥରେ ରାତି ୮ଟାରେ ପ୍ରସାରଣ କରାଯିବ।

## ଅନ୍ତର୍ଜାତୀୟ ମାତୃଭାଷା ଦିବସ

ବିଶ୍ୱରେ ଭାଷା ଏବଂ ସାଂସ୍କୃତିକ ବିବିଧତାକୁ ପ୍ରୋତ୍ସାହିତ କରିବା ଏବଂ ମାତୃଭାଷାକୁ ବଞ୍ଚାଇ ରଖିବା ପାଇଁ ଲୋକଙ୍କୁ ସଚେତନ କରାଇବା ଉଦ୍ଦେଶ୍ୟରେ ପ୍ରତିବର୍ଷ ଆଜିର ଦିନକୁ ଅନ୍ତର୍ଜାତୀୟ ମାତୃଭାଷା ଦିବସ ଭାବେ ପାଳନ କରାଯାଉଛି। ହୃଦୟର ଆବେଗକୁ ଭାବପୂର୍ଣ୍ଣ ଭାବେ ବ୍ୟକ୍ତ କରୁଥିବା ଭାଷାକୁ ମାତୃଭାଷା କୁହାଯାଇଥାଏ। ଏହି ଦିବସ ଅବସରରେ ମାତୃଭାଷାର ସୁରକ୍ଷା ସହିତ ଏକ ସମୃଦ୍ଧ ଶୈକ୍ଷିକ ବାତାବରଣ ଗଢ଼ି ତୋଳିବାକୁ ସରକାରୀ ଏବଂ ବେସରକାରୀ ସ୍ତରରେ ପ୍ରୟାସ ଜାରି ରହିଛି।

ଅନ୍ତର୍ଜାତୀୟ ମାତୃଭାଷା ଦିବସରେ **ମୁଖ୍ୟମନ୍ତ୍ରୀ** ମୋହନ ଚରଣ ମାଝୀ ଶୁଭେଚ୍ଛା ଜଣାଇ କହିଛନ୍ତି, ମାତୃଭାଷା ସାହିତ୍ୟକୁ ସମୃଦ୍ଧ କରିବା ସହ ଚିନ୍ତା ଚେତନା ଓ ଭାବନା ପରିପ୍ରକାଶର ପ୍ରକୃଷ୍ଟ ମାଧ୍ୟମ । ମାତୃଭାଷା ଦିବସରେ ଓଡ଼ିଆ ଶବ୍ଦଭଣ୍ଡାର ଓ ସାହିତ୍ୟକୁ ଆହୁରି ସମୃଦ୍ଧ କରିବା ଦିଗରେ କାର୍ଯ୍ୟ କରିବାକୁ ମୁଖ୍ୟମନ୍ତ୍ରୀ ଯୁବପିଢ଼ିଙ୍କୁ ଆହ୍ୱାନ ଦେଇଛନ୍ତି ।

**କେନ୍ଦ୍ର ଶିକ୍ଷାମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ** ଅନ୍ତର୍ଜାତୀୟ ମାତୃଭାଷା ଦିବସ ଅବସରରେ ଶୁଭେଚ୍ଛା ଜଣାଇ କହିଛନ୍ତି, ଭାଷା କେବଳ ସଂଚାରର ମାଧ୍ୟମ ନୁହେଁ, ଏହା ସଂସ୍କୃତି, ପରମ୍ପରା ଓ ଚିନ୍ତନକୁ ପ୍ରକାଶ କରିଥାଏ।

## ଶିଶୁ କର୍ମଶାଳା

ରାଜ୍ୟ ମହିଳା ଓ ଶିଶୁ ବିକାଶ ବିଭାଗ ଏବଂ ଭଦ୍ରକ ଜିଲ୍ଲା ପ୍ରଶାସନ ପକ୍ଷରୁ ଶିଶୁ ସୁରକ୍ଷା ଆଇନ୍ ସମ୍ପର୍କରେ ଏକ କର୍ମଶାଳା ଭଦ୍ରକ ସଂସ୍କୃତି ଭବନଠାରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟଙ୍କ ସମେତ ଜିଲ୍ଲାର ବରିଷ୍ଠ ଅଧିକାରୀଗଣ ଯୋଗଦେଇ ଶିଶୁ ସ୍ୱାସ୍ଥ୍ୟ ତଥା ନିରାପତ୍ତା ସମ୍ପର୍କରେ ଆଲୋଚନା କରିଥିଲେ।

## ହକି

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ଅନୁଷ୍ଠିତ ଏଫ୍‌ଆଇଏଚ୍ ପ୍ରୋ.ଲିଗ୍‌ର ଆଜିର ପ୍ରଥମ ମ୍ୟାଚ୍‌ରେ ନେଦରଲାଣ୍ଡ ମହିଳା ଦଳ ବିଜୟୀ ହୋଇଛି। ଇଂଲଣ୍ଡକୁ ୫/୧ ଗୋଲ୍‌ରେ ଦଳ ପରାସ୍ତ କରିଛି। ସେହିପରି ମହିଳା ବର୍ଗରେ ଅନ୍ୟ ଏକ ମ୍ୟାଚ୍ ଭାରତ ଏବଂ ଜର୍ମାନୀ ମଧ୍ୟରେ ମ୍ୟାଚ ଜାରି ରହିଛି।

ଆଉ କିଛି ସମୟ ମଧ୍ୟରେ ପୁରୁଷ ବର୍ଗରେ ଭାରତ ଏବଂ ଆୟାରଲାଣ୍ଡ ମଧ୍ୟରେ ମ୍ୟାଚ୍ ଖେଳାଯିବ ।

## ପାଣିପାଗ

ରାଜ୍ୟର କେତେକ ସ୍ଥାନରେ ବର୍ଷା ହୋଇଯାଇଛି । ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ରର ସୂଚନା ଅନୁସାରେ, ଆସନ୍ତା ୨୪ ଘଣ୍ଟା ମଧ୍ୟରେ, ବାଲେଶ୍ୱର, ମୟୂରଭଞ୍ଜ ଓ ଭଦ୍ରକ ଜିଲ୍ଲାର କେତେକ ସ୍ଥାନରେ ଘଡଘଡ଼ି ସହ ବର୍ଷା ହେବାର ସମ୍ଭାବନା ଥିବାରୁ ସତର୍କ ସୂଚନା ଜାରି କରାଯାଇଛି ।

*******************************